ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

କୋଭିଡ୍-୧୯ ପି.ଆର୍. ନଂ-୪୪

# ପ୍ରେସ୍ ବିବୃତି

ଭୁବନେଶ୍ୱର : ୨୬ ଅପ୍ରେଲ,୨୦୨୦

- ଆଜି ପବିତ୍ର ଅକ୍ଷୟ ତୃତୀୟା ଅବସରରେ ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ରାଜ୍ୟବାସୀ ତଥା ବିଶେଷ କରି ଆମ ଚାଷୀ ଭାଇଭଉଣୀମାନଙ୍କୁ ଶୁଭେଚ୍ଛା ଜଣାଇଛନ୍ତି । ଚଳିତ ବର୍ଷ ଚାଷୀ ଭାଇଭଉଣୀଙ୍କ ପାଇଁ ସମୃଦ୍ଧିର ବର୍ଷ ହେବ ବୋଲି ସେ ଆଶା ପ୍ରକାଶ କରିଛନ୍ତି । କରୋନା ସଂକ୍ରମଣକୁ ରୋକିବା ପାଇଁ ସରକାରୀ ନିୟମ କଡ଼ାକଡ଼ି ପାଳନ କରିବା ସହ କୃଷି କାର୍ଯ୍ୟ ସମୟରେ ସାମାଜିକ ଦୂରତ୍ୱ ବଜାୟ ରଖିବାକୁ ମାନ୍ୟବର ମୁଖ୍ୟମନ୍ତ୍ରୀ ପରାମର୍ଶ ଦେଇଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ସ୍ୱତନ୍ତ୍ର ଓଡ଼ିଶା ପ୍ରଦେଶ ଗଠନର ଅନ୍ୟତମ ପୁରୋଧା ମହାରାଜା କୃଷ୍ଣଚନ୍ଦ୍ର ଗଜପତି ନାରାୟଣ ଦେବଙ୍କ ଜୟନ୍ତୀରେ ତାଙ୍କ ପ୍ରତି ଶ୍ରଦ୍ଧାଞ୍ଜଳି ଅର୍ପଣ କରିଛନ୍ତି । ଲୋକଙ୍କ କଲ୍ୟାଣ ସହ ରାଜ୍ୟର ପ୍ରଗତି, ଶିକ୍ଷା ଓ ସାହିତ୍ୟ ମାଧ୍ୟମରେ ସମାଜର ଉନ୍ନତି ପାଇଁ ତାଙ୍କର ଅବଦାନ ଅତୁଳନୀୟ ବୋଲି ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ।

- ଆଜି ଭିଡ଼ିଓ କନ୍‌ଫରେନ୍ସିଂ ମାଧ୍ୟମରେ ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ଗୁଜୁରାଟରେ କାମ କରୁଥିବା ଓଡ଼ିଆ ଭାଇଭଉଣୀମାନଙ୍କୁ ସମ୍ମାନ ଏବଂ ସୁରକ୍ଷା ସହିତ ପଂଜୀକରଣ ପରେ ଓଡ଼ିଶା ଫେରାଇ ଦେବା ପାଇଁ ମାନ୍ୟବର ଗୁଜୁରାଟ ମୁଖ୍ୟମନ୍ତ୍ରୀ ଶ୍ରୀ ବିଜୟ ରୁପାନୀଙ୍କୁ ଅନୁରୋଧ କରିଛନ୍ତି । ସେମାନେ ଓଡ଼ିଶାରେ ପହଞ୍ଚିବା ପରେ କ୍ୱାରାଣ୍ଟାଇନ୍‌ରେ ରହିବା ସହିତ ଅନ୍ୟାନ୍ୟ ସୁବିଧା ପାଇବେ । ଏହି ଆଲୋଚନରେ ମାନ୍ୟବର କେନ୍ଦ୍ର ମନ୍ତ୍ରୀ ଶ୍ରୀ ଧର୍ମେନ୍ଦ୍ର ପ୍ରଧାନ ଭିଡ଼ିଓ କନ୍‌ଫରେନ୍ସ ଜରିଆରେ ଦିଲ୍ଲୀରୁ ଯୋଗ ଦେଇଥିଲେ ଏବଂ ସେ ମଧ୍ୟ ଓଡ଼ିଆ ଭାଇଭଉଣୀମାନଙ୍କ ପଂଜୀକରଣ ଉପରେ ଗୁରୁତ୍ୱାରୋପ କରିଥିଲେ ।

- ଅନ୍ୟ ଏକ ଭିଡ଼ିଓ କନ୍‌ଫରେନ୍ସିଂ ମାଧ୍ୟମରେ ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ମହାରାଷ୍ଟ୍ର ମୁଖ୍ୟମନ୍ତ୍ରୀ ମାନ୍ୟବର ଶ୍ରୀଯୁକ୍ତ ଉଦ୍ଧବ ଠାକ୍‌ରେଙ୍କ ସହିତ ମହାରାଷ୍ଟ୍ରରେ କାମ କରୁଥିବା ଓଡ଼ିଆ ଭାଇଭଉଣୀମାନଙ୍କୁ ନିରାପଦ ଓ ଶୃଙ୍ଖଳିତ ଭାବରେ ଓଡ଼ିଶା ଫେରାଇ ଦେବା ପାଇଁ ଅନୁରୋଧ କରିଛନ୍ତି । ଓଡ଼ିଶା ଫେରିବାକୁ ଚାହୁଁଥିବା ସବୁ ବ୍ୟକ୍ତିଙ୍କ ପାଇଁ ପଂଜୀକରଣ ବାଧ୍ୟତାମୂଳକ । ସେମାନେ ଓଡ଼ିଶାରେ ପହଞ୍ଚିବା ପରେ କ୍ୱାରାଣ୍ଟାଇନ୍‌ରେ ରହିବା ସହିତ ଅନ୍ୟାନ୍ୟ ସୁବିଧା ପାଇବେ । ଏହି ଆଲୋଚନରେ ମାନ୍ୟବର କେନ୍ଦ୍ର ମନ୍ତ୍ରୀ ଶ୍ରୀ ଧର୍ମେନ୍ଦ୍ର ପ୍ରଧାନ ଭିଡ଼ିଓ କନ୍‌ଫରେନ୍ସ ଜରିଆରେ ଦିଲ୍ଲୀରୁ ଯୋଗ ଦେଇଥିଲେ ଏବଂ ସେ ମଧ୍ୟ ଓଡ଼ିଆ ଭାଇଭଉଣୀମାନଙ୍କ ପଂଜୀକରଣ ଉପରେ ଗୁରୁତ୍ୱାରୋପ କରିଥିଲେ ।

**'ଘରେ ରୁହନ୍ତୁ, ସୁରକ୍ଷିତ ରୁହନ୍ତୁ'**

- କୋଭିଡ୍-୧୯ ପରିପ୍ରେକ୍ଷୀରେ ଗ୍ରାମାଞ୍ଚଳରେ ସ୍ୱାସ୍ଥ୍ୟସେବାକୁ ସଶକ୍ତ କରିବା ଉଦ୍ଦେଶ୍ୟରେ ୬୭୯୮ ଗ୍ରାମ ପଞ୍ଚାୟତରେ ୧,୬୯,୪୦୬ ଶଯ୍ୟାବିଶିଷ୍ଟ ମୋଟ ୭୦୮୬ଟି ଅସ୍ଥାୟୀ ଚିକିତ୍ସା କେନ୍ଦ୍ର ସ୍ଥାପିତ ହୋଇଛି ।
- ଓଡ଼ିଶାର ବିଭିନ୍ନ ସ୍ଥାନରେ ଅଟକି ରହିଥିବା ବାହାର ରାଜ୍ୟର ପ୍ରାୟ ୮୭,୦୦୦ ଅତିଥି ଶ୍ରମଜୀବୀଙ୍କୁ ୨୬୧୦ଟି ଶିବିର ଜରିଆରେ ଖାଇବା ଓ ରହିବା ସୁବିଧା ସହିତ ଆବଶ୍ୟକ ସ୍ୱାସ୍ଥ୍ୟସେବା ଯୋଗାଇ ଦିଆଯାଇଛି । ଏହିସବୁ ଅତିଥି ଶ୍ରମଜୀବୀମାନେ ଦେଶର ଅନ୍ୟାନ୍ୟ ରାଜ୍ୟରୁ ଆସି ଓଡ଼ିଶାର ବିଭିନ୍ନ ସ୍ଥାନରେ ରହିଛନ୍ତି । ଅଭିଯୋଗ ଗ୍ରହଣ ପାଇଁ ଶ୍ରମଜୀବୀ ସହାୟତା କଲ୍ ସେଣ୍ଟର ଟୋଲ୍ ଫ୍ରି ନଂ- ୧୮୦୦୩୪୫୬୭୦୩ ଜାରି କରାଯାଇଛି ।
- ଆଜି ରାଜ୍ୟର ୫୫୩୩ ଗ୍ରାମ ପଞ୍ଚାୟତରେ ୩,୫୩,୧୫୧ ଜଣ ନିରାଶ୍ରୟ ଓ ଅସହାୟ ଲୋକଙ୍କୁ ରନ୍ଧାଖାଦ୍ୟ ଯୋଗାଇ ଦିଆଯାଇଛି । ସେହିପରି ୧୧୪ ଟି ପୌରାଞ୍ଚଳରେ ୪୧,୭୦୮ ଜଣଙ୍କୁ ରନ୍ଧାଖାଦ୍ୟ ଦିଆଯାଇଛି ।
- ରାଜ୍ୟରେ କୋଭିଡ୍-୧୯ ନିୟମ ଏବଂ ମାର୍ଗଦର୍ଶିକା ଉଲ୍ଲଂଘନ କରିଥିବା ଅଭିଯୋଗରେ ଅପ୍ରେଲ ୨୫ରୁ ଅପ୍ରେଲ ୨୬ ତାରିଖ ସକାଳ ପର୍ଯ୍ୟନ୍ତ ୨୪ ଘଣ୍ଟା ମଧ୍ୟରେ ୪୫ଟି ମାମଲା ଦାୟର କରାଯାଇଛି । ସେଥିରୁ ୪୦ଟି ମାମଲା ଲକ୍ ଡାଉନ୍ ସଂପର୍କିତ ହୋଇଥିବାବେଳେ, ୨ଟି ହୋମ୍ କ୍ୱାରାଣ୍ଟାଇନ୍ ଉଲ୍ଲଂଘନ ପାଇଁ ଏବଂ ୩ଟି ଅନ୍ୟାନ୍ୟ କାରଣ ପାଇଁ ଅଟେ । ବିଭିନ୍ନ ଅଭିଯୋଗରେ ୩୩ ଜଣଙ୍କୁ ଗିରଫ କରାଯାଇଛି ।

**ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା**

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୨୨୮୧୬ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୧୦୩ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩୫ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ଜଣେ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୬୭ ରହିଛି ।

ପଠାଣି ରାଉତ
ସୂଚନା ଅଧିକାର

**'ଘରେ ରୁହନ୍ତୁ, ସୁରକ୍ଷିତ ରୁହନ୍ତୁ'**